# ସାହିତ୍ୟ ଅକାଦେମି ଅନୁବାଦ ପୁରସ୍କାର ପାଇଁ ପ୍ରକ୍ରିୟା ଆରମ୍ଭ

ଭୁବନେଶ୍ୱର,୪।୫(ନି.ପ୍ର): ୨୦୨୫ ବର୍ଷ ପାଇଁ ସାହିତ୍ୟ ଅକାଦେମି ପକ୍ଷରୁ ୨୪ଟି ଭାରତୀୟ ଭାଷାରେ 'ସାହିତ୍ୟ ଅକାଦେମି ଅନୁବାଦ ପୁରସ୍କାର' ନିମନ୍ତେ ପ୍ରକ୍ରିୟା ଆରମ୍ଭ ହୋଇଛି। ଅକାଦେମି ଦ୍ୱାରା ସ୍ୱୀକୃତ ଅସମିୟା, ବଙ୍ଗଳା, ବୋଡ଼ୋ, ଡୋଗ୍ରୀ, ଇଂରାଜୀ, ଗୁଜରାଟୀ, ହିନ୍ଦୀ, କନ୍ନଡ଼, କାଶ୍ମିରୀ, କୋଙ୍କଣୀ, ମୈଥିଳି, ମାଲୟାଲମ, ମଣିପୁରୀ, ମରାଠୀ, ନେପାଳୀ, ଓଡ଼ିଆ, ପଞ୍ଜାବୀ, ରାଜସ୍ଥାନୀ, ସଂସ୍କୃତ, ସାନ୍ତାଳୀ, ସିନ୍ଧି, ତାମିଲ, ତେଲୁଗୁ ଏବଂ ଉର୍ଦ୍ଦୁ ଭାଷାରେ ଭାରତୀୟ ଲେଖକଙ୍କ ଦ୍ୱାରା ଅନୁଦିତ ସର୍ବୋତ୍କୃଷ୍ଟ ଅନୁବାଦ ପୁସ୍ତକକୁ ଏହି ପୁରସ୍କାର ଦିଆଯାଏ। ଏକ ସମ୍ମାନଜନକ ଉତ୍ସବରେ ପୁରସ୍କାର ସ୍ୱରୂପ ୫୦ ହଜାର ଟଙ୍କାର ଅର୍ଥରାଶି ଏବଂ ଫଳକ ପ୍ରଦାନ କରାଯାଇଥାଏ ।ସାହିତ୍ୟ ଅକାଦେମି ୨୦୨୫ ବର୍ଷର ସାହିତ୍ୟ ଅକାଦେମି ଅନୁବାଦ ପୁରସ୍କାର ପାଇଁ ଭାରତୀୟ ଅନୁବାଦକ, ଅନୁବାଦକଙ୍କ ଶୁଭଚିନ୍ତକ ଏବଂ ପ୍ରକାଶକଙ୍କଠାରୁ ଅକାଦେମି ଦ୍ୱାରା ଅନୁବାଦ ପୁସ୍ତକ ଆହ୍ୱାନ କରୁଛି । ୨୦୧୯, ୨୦୨୦, ୨୦୨୧,୨୦୨୨ ଏବଂ ୨୦୨୩ (ଅର୍ଥାତ୍ ୧ ଜାନୁଆରୀ ୨୦୧୯ରୁ ୩୧ ଡିସେମ୍ବର ୨୦୨୩ ମଧ୍ୟରେ) ପ୍ରଥମେ ପ୍ରକାଶିତ ଅନୁବାଦ ପୁସ୍ତକଗୁଡ଼ିକୁ ଏହି ପୁରସ୍କାର ପାଇଁ ବିଚାରକୁ ନିଆଯିବ । ପ୍ରତ୍ୟେକ ବହିର ଏକ କିତା ନକଲ ସହିତ ଆବେଦନପତ୍ର ଜମା କରିବାର ଶେଷ ତାରିଖ ୩୧ ମେ ରହିଛି। ଓଡ଼ିଆ ଅନୁବାଦ ପୁସ୍ତକଗୁଡ଼ିକ କଲକାତାସ୍ଥିତ ଆଞ୍ଚଳିକ କାର୍ଯ୍ୟାଳୟକୁ ପଠାଇବା ନିମନ୍ତେ ଅକାଦେମି ପକ୍ଷରୁ କୁହାଯାଇଛି।